# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

### 25 August – 2025

*******************************

## ମୁଖ୍ୟ ସମ୍ବାଦ

- ଓଡ଼ିଆ ଆଦିବାସୀ ଝିଅମାନଙ୍କୁ ପାଇଲଟ ହେବା ପାଇଁ ସ୍ୱତନ୍ତ୍ର ପ୍ରଶିକ୍ଷଣ ଦିଆଯିବ; କହିଲେ ମୁଖ୍ୟମନ୍ତ୍ରୀ

– ଭୁବନେଶ୍ୱରରେ ପୂର୍ବାଞ୍ଚଳ ବେସାମରିକ ବିମାନ ଚଳାଚଳ ମନ୍ତ୍ରିମଣ୍ଡଳ ସମ୍ମିଳନୀ ଅନୁଷ୍ଠିତ

- ରାଜ୍ୟରେ ସମବାୟ କ୍ଷେତ୍ରରେ ଅଭିବୃଦ୍ଧି ନେଇ କେନ୍ଦ୍ର ସମବାୟ ରାଷ୍ଟ୍ର ମନ୍ତ୍ରୀଙ୍କ ସହ ମୁଖ୍ୟମନ୍ତ୍ରୀଙ୍କ ଆଲୋଚନା

- ମୁଖ୍ୟମନ୍ତ୍ରୀଙ୍କ ଅଧ୍ୟକ୍ଷତାରେ ଜାରି ରହିଛି ରାଜ୍ୟ କ୍ୟାବିନେଟର ଗୁରୁତ୍ୱପୂର୍ଣ୍ଣ ବୈଠକ

ଏବଂ

- ବଙ୍ଗୋପସାଗରରେ ସୃଷ୍ଟ ଘୂର୍ଣ୍ଣିବଳୟର ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା

– ବନ୍ୟା ପ୍ରଭାବିତ ଅଞ୍ଚଳରେ କ୍ଷୟକ୍ଷତି ଆକଳନ ପାଇଁ ସରକାରଙ୍କ ନିର୍ଦ୍ଦେଶ

# ବିମାନ ପ୍ରଶିକ୍ଷଣ କେନ୍ଦ୍ର

ଢେଙ୍କାନାଳ ଜିଲ୍ଲାର ବୀରାସୋଲଠାରେ ଏକ ବିଶ୍ୱସ୍ତରୀୟ ବିମାନ ପ୍ରଶିକ୍ଷଣ କେନ୍ଦ୍ର ନିର୍ମାଣ ହେବ ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି। ଭୁବନେଶ୍ୱରଠାରେ ଆୟୋଜିତ ପୂର୍ବାଞ୍ଚଳ ବେସାମରିକ ବିମାନ ଚଳାଚଳ ମନ୍ତ୍ରିମଣ୍ଡଳ ସ୍ତରୀୟ ସମ୍ମିଳନୀରେ ଯୋଗଦେଇ ମୁଖ୍ୟମନ୍ତ୍ରୀ କହିଛନ୍ତି, କ୍ୟାଡେଟ ପାଇଲଟ ପ୍ରୋଗ୍ରାମରେ ଓଡ଼ିଆ ଆଦିବାସୀ ଝିଅଙ୍କୁ ପାଇଲଟ ହେବା ପାଇଁ ସ୍ୱତନ୍ତ୍ର ପ୍ରଶିକ୍ଷଣ ପ୍ରଦାନ କରାଯିବ। ରାଜ୍ୟ ସରକାରଙ୍କ ବି-ମାନ ଅଭିଯାନ ଅଧୀନରେ ପାଇଲଟ ପ୍ରୋଗ୍ରାମ କାର୍ଯ୍ୟକାରୀ କରାଯିବ।  ଦେଶର ପ୍ରମୁଖ ବିମାନ ରକ୍ଷଣାବେକ୍ଷଣ ସେବା ପ୍ରଦାନ ସଂସ୍ଥା ଏୟାରଓ୍ୱର୍କସ ସହିତ ଆଜି ରାଜ୍ୟ ସରକାର ଏକ ଚୁକ୍ତି ସ୍ୱାକ୍ଷର କରିଛନ୍ତି। ରାଜ୍ୟର ଯୁବବର୍ଗଙ୍କ ପାଇଁ ଦକ୍ଷତା ବିକାଶ, ପ୍ରଶିକ୍ଷଣ ଓ ନିଯୁକ୍ତି ସୁଯୋଗ ସୃଷ୍ଟି କ୍ଷେତ୍ରରେ ଏହି ସ୍ୱାକ୍ଷରିତ ଚୁକ୍ତି ଉପଯୋଗୀ ହୋଇପାରିବ। ରାଜ୍ୟର ବିମାନ ବନ୍ଦରଗୁଡ଼ିକ ପାଇଁ ସରକାର ଏକ ତ୍ୱରିତ ଜମି ଆବଣ୍ଟନ ନୀତି କାର୍ଯ୍ୟକାରୀ କରିବାକୁ ସରକାର ପ୍ରୟାସ ଜାରି ରଖିଛନ୍ତି ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। ଭୁବନେଶ୍ୱରଠାରେ ଏକ ବିମାନ ରକ୍ଷଣାବେକ୍ଷଣ, ମରାମତି ଏବଂ ପୁନଃନିର୍ମାଣ କେନ୍ଦ୍ର ସ୍ଥାପନ କରିବାକୁ ନିଷ୍ପତ୍ତି ନିଆଯାଇଛି ବୋଲି ଶ୍ରୀ ମାଝୀ କହିଛନ୍ତି।

କାର୍ଯ୍ୟକ୍ରମରେ ବେସାମରିକ ବିମାନ ଚଳାଚଳ ମନ୍ତ୍ରୀ ରାମମୋହନ ନାଇଡୁ କିଞ୍ଜରାପୁ ଯୋଗଦେଇ କହିଛନ୍ତି, ଓଡ଼ିଶାରେ ବିମାନ ଚଳାଚଳ

ଭିତ୍ତିଭୂମିର ବିକାଶ ପାଇଁ ସବୁ ପ୍ରକାର ସହାୟତା ପ୍ରଦାନ କରାଯିବ। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ସ୍ୱପ୍ନ ବିମାନ ଯାତ୍ରାକୁ ସମସ୍ତଙ୍କ ପାଖରେ ପହଁଞ୍ଚାଇବା ଲକ୍ଷ୍ୟ ହାସଲ ଦିଗରେ ସରକାର ପଦକ୍ଷେପ ନେଉଛନ୍ତି ବୋଲି କେନ୍ଦ୍ରମନ୍ତ୍ରୀ କହିଛନ୍ତି।

**- V/O -**

କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ବେସାମରିକ ବିମାନ ଚଳାଚଳ ରାଷ୍ଟ୍ରମନ୍ତ୍ରୀ ମୁରଲୀଧର ମୋହଲ, ରାଜ୍ୟ ବାଣିଜ୍ୟ ଓ ପରିବହନ ମନ୍ତ୍ରୀ ବିଭୂତି ଭୂଷଣ ଜେନା, ଛତିଶଗଡ଼ ଅର୍ଥମନ୍ତ୍ରୀ ଓମ ପ୍ରକାଶ ଚୌଧୁରୀ ପ୍ରମୁଖ ଅଭିଭାଷଣ ପ୍ରଦାନ କରିଥିଲେ।

BBSR/R

## ମୁଖ୍ୟମନ୍ତ୍ରୀ– ସମବାୟ ଅଭିବୃଦ୍ଧି

କେନ୍ଦ୍ର ସମବାୟ ରାଷ୍ଟ୍ର ମନ୍ତ୍ରୀ ମୁରଲୀଧର ମୋହଲଙ୍କ ସହ ଆଜି ଭୁବନେଶ୍ୱରଠାରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଲୋଚନା କରିଛନ୍ତି। ଭୁବନେଶ୍ୱର ଲୋକସେବା ଭବନଠାରେ ମୁଖ୍ୟମନ୍ତ୍ରୀ ରାଜ୍ୟରେ ସମବାୟ କ୍ଷେତ୍ରର ଅଭିବୃଦ୍ଧି ବିଷୟ ନେଇ ଶ୍ରୀ ମୋହଲଙ୍କ ସହ ମତବିନିମୟ କରିଛନ୍ତି। ଏ କ୍ଷେତ୍ରରେ ହାସଲ ହୋଇଥିବା ସଫଳତା ସମ୍ପର୍କରେ ରାଷ୍ଟ୍ରମନ୍ତ୍ରୀ ଶ୍ରୀ ମୋହଲଙ୍କୁ ମୁଖ୍ୟମନ୍ତ୍ରୀ ଅବଗତ କରାଇଛନ୍ତି। ପାକ୍ସ ଋଣ ପରିଶୋଧ ସମୟସୀମା ପାଞ୍ଚ ବର୍ଷରୁ ୧୦ ବର୍ଷକୁ ବୃଦ୍ଧି କରିବା, ବଡ଼ମ୍ବା ଏବଂ ବଲାଙ୍ଗୀରର ଚିନିକଳକୁ କାର୍ଯ୍ୟକ୍ଷମ କରିବା, ଗୋପାଳପୁରଠାରେ ଜାତୀୟ ତ୍ରିଭୁବନ ସମବାୟ ବିଶ୍ୱବିଦ୍ୟାଳୟର ଏକ

ସାଟେଲାଇଟ ସେଣ୍ଟର ପ୍ରତିଷ୍ଠା କରିବା ପାଇଁ ମୁଖ୍ୟମନ୍ତ୍ରୀ ଅନୁରୋଧ କରିଛନ୍ତି । ଏଥିସହ ପ୍ରତି ଜିଲ୍ଲା ତଥା ସବ୍‌ଡିଭିଜନସ୍ତରରେ ଶୀତଳଭଣ୍ଡାର ଏବଂ ପଣ୍ୟାଗାର ସ୍ଥାପନ, କୃଷକ ଉତ୍ପାଦକ ସଂଗଠନ ବୃଦ୍ଧି, ନୂତନ ପ୍ରାଥମିକ କୃଷି ସମବାୟ ସମିତିଗୁଡ଼ିକ ପାଇଁ ଆର୍ଥିକ ସହାୟତା ପ୍ରଦାନ କରିବା ପାଇଁ ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ' କେନ୍ଦ୍ର ସରକାରଙ୍କ ସହଯୋଗ କାମନା କରିଛନ୍ତି । ସମବାୟ କ୍ଷେତ୍ରରେ ରାଜ୍ୟରେ ଗ୍ରହଣ କରାଯାଇଥିବା ବିକାଶମୂଳକ ପଦକ୍ଷେପଗୁଡ଼ିକୁ ରାଷ୍ଟ୍ରମନ୍ତ୍ରୀ ଶ୍ରୀ ମୋହଲ ଉଚ୍ଚ ପ୍ରଶଂସା କରିଛନ୍ତି । ଆଲୋଚନା ବୈଠକରେ ମୁଖ୍ୟ ଶାସନ ସଚିବ ମନୋଜ ଆହୁଜାଙ୍କ ସମେତ ବିଭାଗୀୟ ଉଚ୍ଚ ପଦାଧିକାରୀ ଉପସ୍ଥିତ ଥିଲେ ।

***BBSR/R***

## କ୍ୟାବିନେଟ୍ ବୈଠକ

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଅଧ୍ୟକ୍ଷତାରେ ରାଜ୍ୟ କ୍ୟାବିନେଟର ଗୁରୁତ୍ୱପୂର୍ଣ୍ଣ ବୈଠକ ଜାରି ରହିଛି । ବୈଠକରେ ବିଭିନ୍ନ ବିଭାଗର ବହୁ ଗୁରୁତ୍ୱପୂର୍ଣ୍ଣ ପ୍ରସ୍ତାବ ଉପରେ ଆଲୋଚନା ହେଉଥିବା ଆମ ସମ୍ବାଦଦାତା ଜଣାଇଛନ୍ତି ।

BBSR/R

## ଚାଷୀ ପଞ୍ଜୀକରଣ

ଆଗାମୀ ଖରିଫ ଋତୁ ପାଇଁ ରେକର୍ଡ ସଂଖ୍ୟକ ୧୮ ଲକ୍ଷ ୫୦ ହଜାର ୯୮୩ ଚାଷୀ ପଞ୍ଜୀକରଣ କରିଛନ୍ତି । ଏ ସମ୍ପର୍କରେ ସୂଚନା ଦେଇ ଯୋଗାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର କହିଛନ୍ତି, ଆଜି ରାତି ୧୨ଟା ପର୍ଯ୍ୟନ୍ତ ପଞ୍ଜୀକରଣ କରାଯାଇପାରିବ । ତେଣୁ ପଞ୍ଜୀକୃତ ଚାଷୀଙ୍କ ସଂଖ୍ୟା ଆହୁରି

ବୃଦ୍ଧି ପାଇବ ବୋଲି ଆଶା କରାଯାଉଛି। ମନ୍ତ୍ରୀ ଶ୍ରୀ ପାତ୍ର କହିଛନ୍ତି, ଗତ ବର୍ଷ ରାଜ୍ୟରେ ମୋଟ ୧୭ ଲକ୍ଷ ୫୦ ହଜାର ୪୬୨ ଜଣ ଚାଷୀ ପଞ୍ଜୀକରଣ କରିଥିଲେ। ଧାନବିକ୍ରିରେ ସ୍ୱଚ୍ଛତା ଲକ୍ଷ୍ୟ ନେଇ ଚଳିତ ବର୍ଷ ଇ-କେଓ୍ୱାଇସି ବ୍ୟବସ୍ଥା କରାଯାଇଛି। ବ୍ୟକ୍ତିଗତ ଘୋଷଣାନାମା ବ୍ୟବସ୍ଥା ଲାଗୁ ହେବା ପରେ ଚାଷୀ ପଞ୍ଜୀକରଣ ବୃଦ୍ଧି ପାଇଛି ବୋଲି ମନ୍ତ୍ରୀ ଶ୍ରୀ ପାତ୍ର କହିଛନ୍ତି।

BBSR/R/BHK/MET

## ପାଣିପାଗ

ଉତ୍ତର-ପଶ୍ଚିମ ବଙ୍ଗୋପସାଗରରେ ସୃଷ୍ଟ ଘୂର୍ଣ୍ଣିବଳୟର ପ୍ରଭାବରେ ଆସନ୍ତା ୪୮ ଘଣ୍ଟା ମଧ୍ୟରେ ଏକ ଲଘୁଚାପ କ୍ଷେତ୍ର ସୃଷ୍ଟି ହେବାର ସମ୍ଭାବନା ରହିଛି। ଏହାର ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଲାଗି ରହିଛି।

ଶୁଣନ୍ତୁ ଏ ସମ୍ପର୍କରେ ଏକ ରିପୋର୍ଟ...

ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ଆସନ୍ତା ୨୪ ଘଣ୍ଟା ମଧ୍ୟରେ ବଜ୍ରପାତ ସହ ବର୍ଷା ନେଇ ପ୍ରାୟ ସମସ୍ତ ଜିଲ୍ଲା ପାଇଁ ସତର୍କ ସୂଚନା ଜାରି କରଯାଇଛି।  ଆସନ୍ତା ୩ରୁ ୪ ଦିନ ପର୍ଯ୍ୟନ୍ତ ବର୍ଷା ଲାଗି ରହିବ।

ରାଜ୍ୟରେ ବନ୍ୟାସ୍ଥିତି ନେଇ ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ କହିଛନ୍ତି, ବିଭିନ୍ନ ସ୍ଥାନରେ ନଦୀର ଜଳସ୍ତର ବୃଦ୍ଧି ପାଇଛି। ଏଥିପାଇଁ ଯାଜପୁରର ସର୍ବାଧିକ ୪୬ଟି ଗାଁ ଓ ୧୪ଟି ଗ୍ରାମ ପଞ୍ଚାୟତ ପ୍ରଭାବିତ ହୋଇଛନ୍ତି। ବନ୍ୟା ପ୍ରଭାବିତ ସମସ୍ତ ଅଞ୍ଚଳରେ

କ୍ଷୟକ୍ଷତି ଆକଳନ ପାଇଁ ନିର୍ଦ୍ଦେଶ ଦିଆଯାଇଛି । ଜଳସ୍ତର ହ୍ରାସ ପାଇବା ପରେ କ୍ଷତିପୂରଣ ଦିଆଯିବ ବୋଲି ଶ୍ରୀ ପୂଜାରୀ କହିଛନ୍ତି ।

**V/O -**

ଭଦ୍ରକ ଜିଲ୍ଲା ବୈତରଣୀ ନଦୀ ଆଖୁଆପଦାଠାରେ ଜଳସ୍ତର ବିପଦସଂକେତ ଉପରେ ପ୍ରବାହିତ ହେଉଛି । ଜଳସ୍ତର ଅପରାହ୍ନ ୫ଟା ସୁଦ୍ଧା ୧୮ ଦଶମିକ ୩/୫ ମିଟର ରହିଥିଲା । ଜିଲ୍ଲାପାଳ ଦିଲ୍ଲୀପ ରାଉତରାୟ ବନ୍ୟା ପ୍ରଭାବିତ ଧାମନଗର, ଭଣ୍ଡାରୀପୋଖରୀ, ତିହିଡ଼ି, ଆରଡ଼ି, ଚାନ୍ଦବାଲି ବ୍ଲକ ଅଞ୍ଚଳକୁ ଗସ୍ତ କରି ପରିସ୍ଥିତିର ଅନୁଧ୍ୟାନ କରିଛନ୍ତି ।  ଚାନ୍ଦବାଲି ବ୍ଲକର ୪୦ରୁ ଊର୍ଦ୍ଧ୍ୱ ପଞ୍ଚାୟତରେ ଥିବା ବାସଗୃହ ଶତାଧିକ ଏକର ଚାଷଜମି ଜଳମଗ୍ନ ହୋଇଥିବା ଆମ ସମ୍ବାଦଦାତା ଜଣାଇଛନ୍ତି ।

ଆକାଶବାଣୀ ସମ୍ବାଦ ବିଭାଗ ପକ୍ଷରୁ ମୁଁ ସ୍ମୃତିରେଖା ତାରେଣିଆ

N.rangpur/Boudh/B.garh/Sblpur/G.jam/N.garh/K.para/Deogarh//BHK/R.gada

# ଅଭିଯୋଗ ଶୁଣାଣି ଶିବିର

ରାଜ୍ୟର ବିଭିନ୍ନ ସ୍ଥାନରେ ଆଜି ଯୁଗ୍ମ ଜନଅଭିଯୋଗ ଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି ।

ରାୟଗଡ଼ା ଜିଲ୍ଲା ମୁନିଗୁଡ଼ା ବ୍ଲକ ସଦ୍‌ଭାବନା ସଭାଗୃହରେ  ଅନୁଷ୍ଠିତ ମୋଟ୍ ୯୧ଟି ଅଭିଯୋଗର ଶୁଣାଣି ହୋଇଛି । ସମସ୍ତ ଅଭିଯୋଗର ଶୀଘ୍ର ସମାଧାନ ପାଇଁ ଜିଲ୍ଲାପାଳ ବିଭାଗୀୟ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଛନ୍ତି ।

ନୟାଗଡ଼ ଜିଲ୍ଲା ଦଶପଲ୍ଲା ବ୍ଲକରେ ଜିଲ୍ଲାପାଳ ଅକ୍ଷୟ ସୁନୀଲ ଅଗ୍ରଓ୍ୱାଲଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଶିବିରରେ ୧୨୯ଟି ଅଭିଯୋଗ ଶୁଣାଣି ହୋଇଛି। ସେଥିମଧ୍ୟରୁ ୪୩ଟି ଅଭିଯୋଗର ତତ୍କାଳ ସମାଧାନ କରାଯାଇଛି।

କେନ୍ଦ୍ରାପଡ଼ା ଜିଲ୍ଲା ମାର୍ଶାଘାଇ ବ୍ଲକ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ଶିବିରରେ ପଞ୍ଜୀକୃତ ୭୮ଟି ଅଭିଯୋଗର ଶୁଣାଣି ହୋଇଛି। ସେଥିମଧ୍ୟରୁ ଚାରିଟି ଅଭିଯୋଗର ତତ୍କାଳ ସମାଧାନ ସହ ଚାରି ଜଣଙ୍କୁ ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠିରୁ ସହାୟତା ପ୍ରଦାନ କରାଯାଇଛି।

ଦେବଗଡ଼ ଜିଲ୍ଲା ତିଲେଇବଣି ବ୍ଲକ ଟାଇଁସର ପଞ୍ଚାୟତ ସମିତି ସମ୍ମିଳନୀ କକ୍ଷରେ ଯୁଗ୍ମ ଅଭିଯୋଗ ଶୁଣାଣି ଶିବିରରେ ୨୭ଟି ଅଭିଯୋଗର ଶୁଣାଣି ହୋଇଛି।

ଭଦ୍ରକ ଜିଲ୍ଲା ତିହିଡ଼ି ପଞ୍ଚାୟତ ସମିତି କାର୍ଯ୍ୟାଳୟରେ ଜିଲ୍ଲାପାଳ ଓ ଆରକ୍ଷୀ ଅଧୀକ୍ଷକଙ୍କ ଉପସ୍ଥିତିରେ ୯୭ଟି ଅଭିଯୋଗର ଶୁଣାଣି ସହ ୬ ଜଣଙ୍କୁ ମୁଖ୍ୟମନ୍ତ୍ରୀଙ୍କ ରିଲିଫ ପାଣ୍ଠି ଏବଂ ଜିଲ୍ଲା ରେଡକ୍ରସରୁ ୨୭ ହଜାର ଟଙ୍କାର ସହାୟତା ରାଶି ପ୍ରଦାନ କରାଯାଇଛି।

ଗଞ୍ଜାମ ଜିଲ୍ଲା ବେଗୁନିଆପଡ଼ା ବ୍ଲକ କାର୍ଯ୍ୟାଳୟରେ ଅନୁଷ୍ଠିତ ଶିବିରରେ ୩୦୦ରୁ ଊର୍ଦ୍ଧ୍ୱ ଅଭିଯୋଗର ଶୁଣାଣି ହୋଇଛି। ୭ ଜଣ

ହିତାଧିକାରୀଙ୍କୁ ତୁରନ୍ତ ସାମାଜିକ ସୁରକ୍ଷା ଯୋଜନାର ଭତ୍ତା ପ୍ରଦାନ କରାଯାଇଛି ।

ସମ୍ବଲପୁର ଜିଲ୍ଲା ରେଢ଼ାଖୋଲ ବ୍ଲକ କାର୍ଯ୍ୟାଳୟଠାରେ ଅନୁଷ୍ଠିତ ଜନଅଭିଯୋଗ ଶିବିରରେ ୭୧ଟି ଆବେଦନର ଶୁଣାଣି ହୋଇଛି ।

ନବରଙ୍ଗପୁର ଜିଲ୍ଲା ଡାବୁଗାଁ ପଞ୍ଚାୟତ ସମ୍ମିଳନୀ ଗୃହରେ ଏହି ଶିବିର ଅନୁଷ୍ଠିତ ହୋଇଯାଇଛି । ପଞ୍ଜୀକୃତ ୧୯ଟି ଅଭିଯୋଗର ଶୁଣାଣି କରାଯାଇଛି ।

ବରଗଡ଼ ଜିଲ୍ଲା ସୋହେଲା ପଞ୍ଚାୟତ ସମିତି କାର୍ଯ୍ୟାଳୟରେ ଅନୁଷ୍ଠିତ ଶିବିରରେ ୫୮ଟି ଅଭିଯୋଗର ତ୍ୱରିତ ସମାଧନା ଜିଲ୍ଲାପାଳ ବିଭାଗୀୟ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଛନ୍ତି ।

ବୌଦ୍ଧ ହରଭଙ୍ଗା ବ୍ଲକ ଛତ୍ରଙ୍ଗ ପଞ୍ଚାୟତ କାର୍ଯ୍ୟାଳୟରେ ଅନୁଷ୍ଠିତ ଶିବିରରେ ୨୧୨ଟି ଅଭିଯୋଗର ଶୁଣାଣି କରାଯାଇଥିଲା ।

Nayagarh

## ସଚେତନତା କାର୍ଯ୍ୟକ୍ରମ

ନୟାଗଡ଼ ଜିଲ୍ଲା ଭାପୁର ତାଲୁକ ଆଇନସେବା କମିଟି ପକ୍ଷରୁ ବଡ଼ସହରା ଉଚ୍ଚବିଦ୍ୟାଳୟରେ କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ବିଭିନ୍ନ ଜନହିତକର ଯୋଜନା ସମ୍ପର୍କିତ ଏକ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । କାର୍ଯ୍ୟକ୍ରମରେ ଭାପୁର କୋର୍ଟର ବିଚାରପତି ତଥା ତାଲୁକ

ଆଇନସେବା କମିଟି ଅଧ୍ୟକ୍ଷ ଦୀପ୍ତିରେଖା ସାହୁ ଯୋଗଦେଇ ସରକାରଙ୍କ ବିଭିନ୍ନ ଯୋଜନାର ସୁଫଳ ଉପରେ ଆଲୋଚନା କରିଥିଲେ ।

*********************************